



# The Invisible God Loves You

"The God who made the world and everything in it, being Lord of heaven and earth, does not live in temples made by man, nor is he served by human hands, as though he needed anything, since he himself gives to all mankind life and breath and everything."

"Being then God's offspring, we ought not to think that the divine being is like gold or silver or stone, an image formed by the art and imagination of man. God overlooked people's ignorance about these things in earlier times, but now he commands everyone everywhere to repent of their sins and turn to him."

"For the wages of sin is death, but the free gift of God is eternal life in Christ Jesus our Lord."

"For God so loved the world that he gave his one and only Son, that whoever believes in him shall not perish but have eternal life."

"People are destined to die once, and after that to face judgment, so Christ was sacrificed once to take away the sins of many; and he will appear a second time, not to bear sin, but to bring salvation to those who are waiting for him."

*Bible refs: Acts17:24,25,29,30; Romans 6:23, John 3:16, Hebrews 9:27*





## <u>ଅଦୃଶ୍ୟ ଈଶ୍ୱର ଆପଣଙ୍କୁ ପ୍ରେମ କରନ୍ତି</u>

ଯେଉଁ ଈଶ୍ୱର ଜଗତ ଓ ତନ୍ମଧ୍ୟସ୍ଥ ସମସ୍ତ ପଦାର୍ଥ ସୃଷ୍ଟି କରିଅଛନ୍ତି, ସେ ସ୍ୱର୍ଗ ଓ ପୃଥିବୀର ପ୍ରଭୁ ହେବାରୁ ହସ୍ତନିର୍ମିତ ମନ୍ଦିର-ସମୂହରେ ବାସ କରନ୍ତି ନାହିଁ, କିଅବା ତାହାଙ୍କର କୌଣସି ଅଭାବ ଥିବାରୁ ମନୁଷ୍ୟହସ୍ତ ଦ୍ୱାରା ସେବିତ ହୁଅନ୍ତି ନାହିଁ, ଯେଣୁ ସେ ସ୍ୱୟଂ ସମସ୍ତଙ୍କୁ ଜୀବନ, ନିଶ୍ୱାସ, ଓ ସମସ୍ତ ପଦାର୍ଥ ଦାନ କରନ୍ତି।

ତେବେ, ଆମ୍ଭେମାନେ ଈଶ୍ୱରଙ୍କର ବଂଶ ହେବାରୁ ଈଶ୍ୱରଙ୍କ ସ୍ୱରୂପକୁ ମନୁଷ୍ୟର ଶିଳ୍ପ ଓ କଳ୍ପନା ଅନୁସାରେ ଖୋଦିତ ସ୍ୱର୍ଣ୍ଣ କି ରୌପ୍ୟ କି ପ୍ରସ୍ତର ତୁଲ୍ୟ ବୁଝିବା ଆମ୍ଭମାନଙ୍କର ଉଚିତ୍ ନୁହେଁ। ଈଶ୍ୱର ସେହି ଅଜ୍ଞାନତାର କାଳ ଉପେକ୍ଷା କରିଅଛନ୍ତି ସତ୍ୟ, କିନ୍ତୁ ଏବେ ସେ ସର୍ବତ୍ର ସମସ୍ତ ମନୁଷ୍ୟଙ୍କୁ ମନ-ପରିବର୍ତ୍ତନ କରିବା ନିମନ୍ତେ ଜଣାନ୍ତି;

କାରଣ ପାପର ବେତନ ମୃତ୍ୟୁ, କିନ୍ତୁ ଈଶ୍ୱରଙ୍କ ଅନୁଗ୍ରହ ଦାନ ଆମ୍ଭମାନଙ୍କ ପ୍ରଭୁ ଖ୍ରୀଷ୍ଟ ଯୀଶୁଙ୍କ ସହଭାଗିତାରେ ଅନନ୍ତ ଜୀବନ ଅଟେ।

କାରଣ ଈଶ୍ୱର ଜଗତକୁ ଏଡ଼େ ପ୍ରେମ କଲେ ଯେ, ସେ ଆପଣା ଅଦ୍ୱିତୀୟ ପୁତ୍ରଙ୍କୁ ଦାନ କଲେ, ଯେପରି ଯେ କେହି ତାହାଙ୍କଠାରେ ବିଶ୍ୱାସ କରେ, ସେ ବିନଷ୍ଟ ନ ହୋଇ ଅନନ୍ତ ଜୀବନ ପ୍ରାପ୍ତ ହୁଏ।

**ମନୁଷ୍ୟମାନଙ୍କ ନିମନ୍ତେ ଯେପରି ଥରେ ମାତ୍ର ମୃତ୍ୟୁ, ଆଉ, ତାହା ପରେ ବିଚାର ନିରୂପିତ ଅଛି, ସେହିପରି ଖ୍ରୀଷ୍ଟ ମଧ୍ୟ ଅନେକଙ୍କ ପାପ ବହନ କରିବା ନିମନ୍ତେ ଥରେ ମାତ୍ର ଉତ୍ସର୍ଗୀକୃତ ହେଲେ, କିନ୍ତୁ ଦ୍ୱିତୀୟ ଥର ପାପ ସକାଶେ ନୁହେଁ, ବରଂ ଯେଉଁମାନେ ତାହାଙ୍କ ଅପେକ୍ଷାରେ ଅଛନ୍ତି, ସେମାନଙ୍କ ପରିତ୍ରାଣ ନିମନ୍ତେ ଦର୍ଶନ ଦେବେ।**

ପବିତ୍ର ବାଇବଲ :ପ୍ରେରିତ 17:24-25, 29-30, ରୋମୀୟ 6:23, ଯୋହନ 3:16, ଏବ୍ରୀ 9:27-28